# ଓଡିଶା ରାଜ୍ୟ ଅର୍ଥ ନିଗମ

## ଓ.ଏମ.ପି. ଛକ, କଟକ-୭୫୩୦୦୩

ବିଜ୍ଞାପନ ନଂ DDAC/୦୩/ ୧୭-୧୮ **ବିକ୍ରୟ ବିଜ୍ଞାପନ** ତା.୧୬.୧୨.୨୦୧୭

ଓଡିଶା ରାଜ୍ୟ ଅର୍ଥ ନିଗମ ନିର୍ଦ୍ଧାରିତ ଜଉମୁଦଦିଆ ଟେଣ୍ଡର ଫର୍ମ ମାଧ୍ୟମରେ ତା ୨୯.୧୨.୨୦୧୭ ସମୟ ଦିବା ୧୦.୩୦ ଘଟିକାରେ ଓଡିଶା ରାଜ୍ୟ ଅର୍ଥ ନିଗମ, ମୁଖ୍ୟ କାର୍ଯାଳୟ, ଓ.ଏମ୍.ପି ଛକ, କଟକ-୦୩ ଠାରେ ହେବାକୁ ଥିବା **Default-cum-Disposal Advisory Committee (DDAC)** ଦ୍ୱାରା ନିମ୍ନୋକ୍ତ ଜବତ ସଂପତ୍ତିକୁ "ଯେଉଁଠାରେ ଯେଉଁଭଳି ଅଛି ସେହି ଅବସ୍ଥାରେ" ବିକ୍ରୟ ପାଇଁ ଦରଖାସ୍ତ ଆହ୍ୱାନ କରୁଅଛି । ନିର୍ଦ୍ଧାରିତ ଟେଣ୍ଡର ଦରଖାସ୍ତ ଫର୍ମ, ବିକ୍ରୟର ନିୟମ ଓ ସର୍ତ୍ତାବଳୀ, ସ୍ଥାବର/ ଅସ୍ଥାବର ସଂପତ୍ତିର ବିଶଦବିବରଣୀ ଟେଣ୍ଡର ପକାଇବାର ପ୍ରଣାଳୀ ଇତ୍ୟାଦି ଗୁଡିକ ଆମ୍ଭର ୱେବ୍ ସାଇଟ୍ **www.osfcindia.com** ରୁ ସଂଗ୍ରହ କରି ହେବ । ଟେଣ୍ଡର ଫର୍ମକୁ ସଠିକ୍ ଭାବେ ପୁରଣ କରି ତା ୨୮.୧୨.୨୦୧୭ ଅପରାହ୍ନ ୫ ଘଟିକା ମଧ୍ୟରେ ଆମ୍ଭ କଟକ ସ୍ଥିତ ମୁଖ୍ୟ କାର୍ଯ୍ୟାଳୟର ଟେଣ୍ଡର ବାକ୍ସରେ ପକାଇବାକୁ ହେବ କିମ୍ୱା Registered Post/ Speed Post ମାଧ୍ୟମରେ ତଳଲିଖିତ ଠିକଣାରେ ପଠାଇ ପାରିବେ । କୌଣସି ଟେଣ୍ଡର ଆବେଦନ ପତ୍ର ଯଦି ବିଳମ୍ବରେ ଏବଂ ନିର୍ଦ୍ଧାରିତ ଅମାନତ ଜମା ବିନା ଏବଂ ଠିକ୍ ଭାବରେ ପୁରଣ କରାଯାଇ ନ ଥିବ ତେବେ ତାହା ନାକଚ ହୋଇଯିବ ।

ନିଲାମଧାରୀ ସେମାନଙ୍କର ପରିଚୟ ପତ୍ରର ପ୍ରମାଣ ସହ ନିଜେ କିମ୍ୱା ତାଙ୍କର ସ୍ୱିକୃତ ପ୍ରତିନିଧି ମାଧ୍ୟମରେ DDAC ରେ ଉପସ୍ଥିତ ହେବେ ଏବଂ ଯୋଉଁ ମାନଙ୍କର ନିଲାମ ଡାକ ସର୍ବାଧିକ ହେବ ସେମାନେ ଘୋଷିତ ହୋଇଥିବା ସମ୍ପତ୍ତିର ସଂରକ୍ଷିତ ମୂଲ୍ୟ ବା ରାଜି ହୋଇଥିବା ନିଲାମ ମୂଲ୍ୟର ୨୫ ପ୍ରତିଶତ ଅମାନତ ଭାବେ ପୁର୍ବରୁ ଦେଇଥିବା ଅମାନତ ଜମାକୁ ବାଦ୍ ଦେଇ ସେହିଠାରେ ବ୍ୟାଙ୍କ ଡ୍ରାଫ୍ଟ/ ପେ ଅର୍ଡର/ ବ୍ୟାଙ୍କର ଚେକ୍ / ନଗଦଟଙ୍କା ଜମା ଭାବେ ଦେବାକୁ ହେବ । ଯଦି ନିଲାମଧାରୀ ଏହି ସର୍ତ୍ତକୁ ପାଳନ ନ କରନ୍ତି ତେବେ ତାଙ୍କର ଅମାନତ ଜମା ବ୍ୟାଜ୍ୟାପ୍ତି ହୋଇଯିବ । ବିକ୍ରୟ ସମ୍ପତ୍ତିର ବଳକା ଦେୟ ପତ୍ର ମାଧମରେ କ୍ରେତାଙ୍କୁ ଅବଗତ କରାଯିବ ଏବଂ ସେମାନେ ବିକ୍ରୟ ପତ୍ର ପ୍ରେରଣର ୩୦ ଦିନ ମଧରେ ଉକ୍ତ ଟଙ୍କା ଜମା ଦେବାକୁ ହେବ । ଯଦି କ୍ରେତା ନିର୍ଦ୍ଧାରିତ ସମୟ ମଧରେ ଉକ୍ତ ଦେୟ ଦେଇ ନ ପାରନ୍ତି ତେବେ ସେ ଦେଇଥିବା ଜମାକୁ ମଧ ନିଗମ ବ୍ୟାଜ୍ୟାପ୍ତି କରିପାରିବ ।

ଉକ୍ତ ସମ୍ପତ୍ତିର କୌଣସି ଅଂଶ କିମ୍ୱା ସମସ୍ତ କ୍ରୟ ପ୍ରସ୍ତାବକୁ ଗ୍ରହଣ କିମ୍ୱା ନାକଚ କରିବା ନିଷ୍ପତ୍ତି ନିଗମର ଇଚ୍ଛାଧୀନ ଅଟେ ଏବଂ କୌଣସି କାରଣ ନ ଦର୍ଶାଇ ମଧ୍ୟ ନିଗମ ଉକ୍ତ ସମ୍ପତ୍ତିକୁ ଋଣଗ୍ରହିତାଙ୍କୁ ଫେରସ୍ତ କରିପାରିବ ।

## ବିକ୍ରୟ ସମ୍ପତ୍ତିର ବିବରଣୀ

| କ୍ରମାଙ୍କ | ଶିଳ୍ପର / ଋଣ ଗ୍ରହିତାଙ୍କ ନାମ / ସଂରକ୍ଷିତ ମୂଲ୍ୟ | ଅମାନତ ଜମା |
|---|---|---|
| ୦୧. | ମେସର୍ସ ଇଣ୍ଡିଆନ କ୍ରୋମ ମେଟାଲ (ପ୍ରା) ଲିଃ, IDCO Plot No BL-7 & 10, ଶିଳ୍ପାଞ୍ଚଳ, ବେଲିଡିହି, ସୁନ୍ଦରଗଡ (ଜ.ଗୃ.କ) **ସଂ.ମୂ-ଟ.୪୪୫.୦୦ ଲକ୍ଷ (ରାଉରକେଲା ଶାଖା)** | ୨୨,୨୫,୦୦୦/- |
| ୦୨. | ୟୁନିଟ୍ ଅଫ ବିମଳ ଶର୍ମା (ମାର୍ବଲଟୋନ୍ ଷ୍ଟୋନ୍ ଉଦ୍ୟୋଗ) ସିରିଆପଲ୍ଲୀ, କୁଲବିରା, ଝାରସୁଗୁଡା (ଜ) **ସଂ.ମୂ-ଟ.୮୮.୦୦ ଲକ୍ଷ (ସମ୍ବଲପୁର ଶାଖା)** | ୪,୪୦.୦୦୦/- |
| ୦୩. | ମେସର୍ସ ବେଦବ୍ୟାସ ରବର ପ୍ରଡକ୍ଟ (ପ୍ରା) ଲିଃ, କେନ୍ଘାଟି, ଜୁଜୁମରା ସମ୍ବଲପୁର (ଜ) **ସଂ.ମୂ-ଟ.୨୨.୧୧ ଲକ୍ଷ (ସମ୍ବଲପୁର ଶାଖା)** | ୧,୧୧,୦୦୦/- |
| ୦୪. | ମେସର୍ସ ଆଖଣ୍ଡଳମଣୀ ଟେକ୍ସଟାଇଲ୍ସ, ଗ୍ରାମ-ସୁକଳ, ପୋଷ୍ଟ-ମନ୍ଦାରୀ, ଥାନା-ବରୀ, ଯାଜପୁର ସ୍ଥ **ସଂ.ମୂ-ଟ.୪.୩୦ ଲକ୍ଷ (ପାରାଦୀପ ଶାଖା)** | ୨୧,୫୦୦/- |
| ୦୫. | ମେସର୍ସ ନିର୍ମଳା ଟେକ୍ସଟାଇଲ୍ସ, ଭିକାରୀପଡା, ଶରଣକୂଳ, ନୟାଗଡ (ଜ.ଗୃ) **ସଂ.ମୂ-ଟ.୧୪.୯୮ ଲକ୍ଷ (ଭୁବନେଶ୍ୱର ଶାଖା)** | ୭୫,୦୦୦/- |

ଋଣ ଗ୍ରହିତା/ ଜାମିନ ଦାତା/ ବନ୍ଧକ ଦାତାଙ୍କୁ ଏତଦ୍ୱାରା ବିଜ୍ଞାପନ ଜାରି ମାଧମରେ ଅନୁରୋଧ କରାଯାଉଅଛି ଯେ ସେ ନିଜେ କିମ୍ୱା ତାଙ୍କର ସ୍ୱିକୃତିପ୍ରାପ୍ତ ପ୍ରତିନିଧି ଜରିଆରେ ନିଗମର DDAC ସମ୍ମୁଖରେ ନିର୍ଦ୍ଧାରିତ ସମୟ, ତାରିଖ ଓ ସ୍ଥାନରେ ହାଜର ହୋଇ ଋଣ ପରିଶୋଧ କରି ସେମାନଙ୍କର ଜବତ ସମ୍ପତ୍ତିକୁ ମୁକୁଳାଇବା ପାଇଁ ପ୍ରସ୍ତାବ ଦେବେ । ସେ ମଧ ନିଜ ଇଚ୍ଛାନୁଯାୟୀ ଉପଯୁକ୍ତ ଗ୍ରାହକ ଯୋଗଡ କରି ଓ ଉପର ବିହିତ ମାଧମରେ ଟେଣ୍ଡର ପ୍ରଦାନ କରି ନିଲାମରେ ଭାଗନେଇ ତାଙ୍କ ସମ୍ପତ୍ତିକୁ ଉପଯୁକ୍ତ ମୂଲ୍ୟରେ ବିକ୍ରି କରିବାରେ ସୁଯୋଗ ନେଇ ପାରିବେ । ଯଦି ସେମାନେ DDAC ସମ୍ମୁଖରେ ଉପସ୍ଥିତ ନ ହୁଅନ୍ତି କିମ୍ୱା ନିଗମକୁ ସନ୍ତୁଷ୍ଟ କଲାଭଳି ପ୍ରସ୍ତାବ ନ ଦିଅନ୍ତି ତେବେ ଧରାଯିବ ଯେ ସେମାନଙ୍କର ସମ୍ପତ୍ତି ମୂକୁଳାଇବାର ଉଦ୍ଦେଶ୍ୟ ନାହିଁ । ନିଗମ ଋଣ ଗ୍ରହିତା / ଜାମିନ ଦାତା / ବନ୍ଧକ ଦାତାଙ୍କୁ ବ୍ୟକ୍ତିଗତ ନୋଟିସ୍ ଦେବାକୁ ବାଧ୍ୟ ନୁହେଁ ଏବଂ ଏହି ବିଜ୍ଞାପନ ସେମାନଙ୍କର ଅବଗତ ନିମନ୍ତେ ଯଥେଷ୍ଟ ।

ବିକ୍ରୟ ବିଜ୍ଞାପନ ଏବଂ ୱେବ ସାଇଟ୍ ରେ ପ୍ରକାଶିତ ହୋଇଥିବା ତଥ୍ୟ ଜନିତ ତ୍ରୁଟି ମାର୍ଜ୍ଜନୀୟ ।

ବି.ଦ୍ର-

ଜ.ଗୃ.କ- ଜମି, ଗୃହ ଓ କଳକବ୍ଜା

ସଂ.ମୂ- ସଂରକ୍ଷିତ ମୂଲ୍ୟ

**ପରିଚାଳନା ନିର୍ଦ୍ଦେଶକଙ୍କ ଆଦେଶମତେ**
**ଉପସାଧାରଣ ପରିଚାଳକ (ଋଣ ଆଦାୟ ବିଭାଗ)**
**ଓଡିଶା ରାଜ୍ୟ ଅର୍ଥ ନିଗମ, ଓ.ଏମ.ପି ଛକ, କଟକ-୩**

# ଓଡିଶା ରାଜ୍ୟ ଅର୍ଥ ନିଗମ

## ଓ.ଏମ.ପି ଛକ, କଟକ - ୭୫୩୦୦୩,

**ବିକ୍ରୟ ବିଜ୍ଞାପନ**

ଓଡିଶା ରାଜ୍ୟ ଅର୍ଥ ନିଗମ ନିର୍ଦ୍ଧାରିତ ଜଉମୁଦ ଦିଆ ଟେଣ୍ଡର ଫର୍ମ ମାଧ୍ୟମରେ ତା ୨୯ /୧୨/୨୦୧୭ ସମୟ ଦିବା ୧୦.୩୦ ଘଟିକାରେ ଓଡିଶା ରାଜ୍ୟ ଅର୍ଥ ନିଗମ, ମୁଖ୍ୟ କାର୍ଯାଳୟ,, ଓ.ଏମ.ପି ଛକ, କଟକ - ୦୩ ଠାରେ ହେବାକୁ ଥିବା **Default-cum-Disposal Advisory Committee (DDAC)** ଦ୍ୱାରା ଅର୍ଥ ନିଗମର Diesel Car OR-05G-2350, 1998 Model, ସଂମୂ - ଟ. ୧୮,୦୦୦/-, ଅମାନତ ଜମା- ଟ.୧,୮୦୦/- ଏବଂ Mahindra Jeep OR-05E-3015, 1996 Model, ସଂମୂ - ଟ. ୨୧,୦୦୦/-, ଅମାନତ ଜମା- ଟ.୨,୧୦୦/- "ଯେଉଁଠାରେ ଯେଉଁଭଳି ଅଛି ସେହି ଅବସ୍ଥାରେ" ବିକ୍ରୟ ପାଇଁ ଦରଖାସ୍ତ ଆହ୍ୱାନ କରୁଅଛି । ନିର୍ଦ୍ଧାରିତ ଟେଣ୍ଡର ଦରଖାସ୍ତ ଫର୍ମ, ବିକ୍ରୟର ନିୟମ ଓ ସର୍ତ୍ତାବଳୀ, ଟେଣ୍ଡର ପକାଇବାର ପ୍ରଣାଳୀ ଇତ୍ୟାଦି ଗୁଡିକ ଆମ୍ଭର ୱେବ୍ ସାଇଟ୍ **www.osfcindia.com** ରୁ ସଂଗ୍ରହ କରି ହେବ । ଟେଣ୍ଡର ଫର୍ମ କୁ ସଠିକ୍ ଭାବେ ପୂରଣ କରି ତା ୨୮/୧୨/୨୦୧୭ ଅପରାହ୍ନ ୫ ଘଟିକା ମଧ୍ୟରେ ଆମ୍ଭ କଟକ ସ୍ଥିତ ମୁଖ୍ୟ କାର୍ଯାଳୟର ଟେଣ୍ଡର ବାକ୍ସରେ ପକାଇବାକୁ ହେବ କିମ୍ବା Registered Post/ Speed Post ମାଧ୍ୟମରେ ତଳଲିଖିତ ଠିକଣାରେ ପଠାଇ ପାରିବେ । କୌଣସି ଟେଣ୍ଡର ଆବେଦନ ପତ୍ର ଯଦି ବିଳମ୍ବରେ ଏବଂ ନିର୍ଦ୍ଧାରିତ ଅମାନତ ଜମା ବିନା ଏବଂ ଠିକ୍ ଭାବରେ ପୂରଣ କରାଯାଇ ନ ଥିବ ତେବେ ତାହା ନାକଚ ହୋଇଯିବ ।

ବି.ଦ୍ର - ବିକ୍ରୟ ବିଜ୍ଞାପନ ଏବଂ ୱେବ୍ ସାଇଟ୍ ରେ ପ୍ରକାଶିତ ହୋଇଥିବା ତଥ୍ୟ ଜନିତ ତ୍ରୁଟି ମାର୍ଜ୍ଜନୀୟ ।

ପରିଚାଳନା ନିର୍ଦ୍ଦେଶକଙ୍କ ଆଦେଶମତେ
ଉପସାଧାରଣ ପରିଚାଳକ (APD)